# The Odisha Gazette

**EXTRAORDINARY**

**PUBLISHED BY AUTHORITY**

**No. 1303 CUTTACK, WEDNESDAY, JULY 24, 2019/SRAVANA 2, 1941**


## ଢେଙ୍କାନାଳ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ

ଅଧିସୂଚନା

ତାରିଖ 16 ମଇ 2019

ସଂଖ୍ୟା 1328—SPL-LAOR-I-P-JAJ-05/2019—ଯେହେତୁ ଓଡ଼ିଶା ସରକାରଙ୍କୁ ପ୍ରତୀତ ହେଉଅଛି କି, ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଯାଜପୁର ଜିଲ୍ଲାର, ରେଙ୍ଗାଳି ଜଳସେଚନ ପ୍ରକଳ୍ପର ବାମପାର୍ଶ୍ୱ ସୁକିନ୍ଦା ଶାଖା କେନାଲ ନିର୍ମାଣ ନିମନ୍ତେ ସରକାର (Appropriate Government), ସରକାରୀ ବ୍ୟୟରେ ମୌଜା ଅଁଳାଝରି(୧ମ ଅତିରିକ୍ତ), ଥାନା ଭୁବନ, ତହସିଲ ଭୁବନ, ଜିଲ୍ଲା ଢେଙ୍କାନାଳରେ ନିମ୍ନ ତଫସିଲମତେ ପ୍ରାୟ 2.47 ଏକର ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି ।

ତେଣୁ ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ୍, ୨୦୧୩ (RFCTLAR & R Act, 2013) ର ୧୧(୧) ଧାରାରେ ଭାରପ୍ରାପ୍ତ ହୋଇ ସରକାର (Appropriate Government) ଏତଦ୍ୱାରା ନିମ୍ନ ଅନୁସୂଚୀରେ ପ୍ରଦତ୍ତ ଜମି ଅଧିଗ୍ରହଣ ପାଇଁ ପ୍ରାରମ୍ଭିକ ଅଧିସୂଚନା ଜାରି କରାଯାଉଛି ।

ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ୍, ୨୦୧୩ ର ୧୧(୧) ଧାରା ଅନୁଯାୟୀ ଘୋଷିତ ଏହି ପ୍ରାରମ୍ଭିକ ଅଧିସୂଚନାଟି ଏଥିସହିତ ସମ୍ପୃକ୍ତ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ଅଟେ ।

ଯଦି ସମ୍ପୃକ୍ତ ଜମିର କୌଣସି ସ୍ୱତ୍ୱାଧିକାରୀ/ଜମି ମାଲିକ ଭୂମି ଅଧିଗ୍ରହଣ ଅଧିସୂଚନା ସମ୍ପର୍କିତ ଅଧିସୂଚିତ ଜମିର ଉପଯୋଗିତା, ରକବା ଏବଂ ସାର୍ବଜନୀନ ଉଦ୍ଦେଶ୍ୟର ଔଚିତ୍ୟ ବିଷୟରେ କୌଣସି ଆପତ୍ତି ଥାଏ, ସେ ଉକ୍ତ ପ୍ରାରମ୍ଭିକ ଅଧିସୂଚନା ପ୍ରକାଶନର ୬୦(ଷାଠିଏ)ଦିନ ମଧ୍ୟରେ ସମ୍ପୃକ୍ତ ଜିଲ୍ଲାପାଳଙ୍କ ନିକଟରେ ଲିଖିତ ଆକାରରେ ଅଭିଯୋଗ କରିପାରିବେ ।

### ପ୍ରକଳ୍ପ ସମ୍ବନ୍ଧୀୟ ବିବରଣୀ

୧ । ସାର୍ବଜନୀନ ଉଦ୍ଦେଶ୍ୟର ସ୍ୱରୂପ – ରେଙ୍ଗାଳି ଜଳସେଚନ ପ୍ରକଳ୍ପର ବାମପାର୍ଶ୍ୱ କେନାଲ-୨, ସୁକିନ୍ଦା ଶାଖା କେନାଲ ନିର୍ମାଣ ନିମନ୍ତେ ।

୨ । ଜମି ଆବଶ୍ୟକ କରୁଥିବା ସଂସ୍ଥାର ନାମ- ନିର୍ବାହୀଯନ୍ତ୍ରୀ, ବାମପାର୍ଶ୍ୱ କେନାଲ ଡିଭିଜନ -୧, ସୁକିନ୍ଦା ।

୩ । କ୍ଷତିଗ୍ରସ୍ତ ଲୋକଙ୍କ ବିସ୍ଥାପନ ଆବଶ୍ୟକତାର କାରଣ – ସାର୍ବଜନୀନ ଉଦ୍ଦେଶ୍ୟରେ ଜଳସେଚନ ପ୍ରକଳ୍ପ ନିର୍ମାଣ ନିମନ୍ତେ କାର୍ଯ୍ୟକାରୀ କରିବା ।

୪ । ସାମାଜିକ ପ୍ରଭାବ ମୂଲ୍ୟାୟନର ସାରାଂଶ – ଉକ୍ତ ପ୍ରକଳ୍ପ ପାଇଁ ପ୍ରଯୁଜ୍ୟ ନୁହେଁ ।

୫ । ପୁନର୍ବାସ ଓ ଥଇଥାନ ପାଇଁ ନିଯୁକ୍ତ ପ୍ରଶାସକଙ୍କ ବିବରଣୀ – ଉପଜିଲ୍ଲାପାଳ, କାମାକ୍ଷାନଗର, ଢେଙ୍କାନାଳ ।

୬ । ଜମିର ବିବରଣୀ :-

| ଜିଲ୍ଲା | ତହସିଲ | ଗ୍ରାମ | ଗ୍ରାମାଞ୍ଚଳ/ ସହରାଞ୍ଚଳ | ଖାତା ନଂ. | ପ୍ଲଟ୍ ନଂ. | ପ୍ଲଟ୍‌ର ମୋଟ ରକବା | ଅଧିସୂଚିତ ଜମିର ରକବା | ରୟତ୍‌ର ନାମ |
|---|---|---|---|---|---|---|---|---|
| ଢେଙ୍କାନାଳ | ଭୁବନ | ଅଁଳାଝରି (୧ମ ଅତିରିକ୍ତ) | ଗ୍ରାମାଞ୍ଚଳ | ଏଥିସହିତ ସଂଲଗ୍ନ | ଏଥିସହିତ ସଂଲଗ୍ନ | ଏଥିସହିତ ସଂଲଗ୍ନ | ୨.୪୭ ଏକର | ଏଥିସହିତ ସଂଲଗ୍ନ |

ଉକ୍ତ ଅଧିସୂଚିତ ଜମି ରକବା ମଧ୍ୟରୁ ......... ଏକର ସଂରକ୍ଷିତ ସରକାରୀ ଜମି ପ୍ରତିବଦଳ ପାଇଁ ଉଦ୍ଦିଷ୍ଟ ।

ଉକ୍ତ ଭୂମିର ଏକ ନକ୍ସା ଭୂ-ଅର୍ଜନ ଅଧିକାରୀ, ରେଙ୍ଗାଲି ଜଳସେଚନ ପ୍ରକଳ୍ପ, ବାମପାର୍ଶ୍ୱ କେନାଲ -୨, ସୁକିନ୍ଦାଙ୍କ କାର୍ଯ୍ୟାଳୟରେ, କାର୍ଯ୍ୟଦିବସମାନଙ୍କରେ ଦେଖିବାକୁ ମିଳିପାରିବ ।

ଉକ୍ତ ଅଧିସୂଚନା ଅନ୍ତର୍ଭୁକ୍ତ କୌଣସି ଜମିର କ୍ରୟବିକ୍ରୟ, ହସ୍ତାନ୍ତର (ଦେଣନେଣ) କିମ୍ବା ଦାୟ ସୃଷ୍ଟି ଢେଙ୍କାନାଳ ଜିଲ୍ଲାପାଳଙ୍କ ପୂର୍ବାନୁମୋଦନ ବିନା କରାଯାଇପାରିବ ନାହିଁ ।

ଭୂମି ଅନୁସୂଚୀ

| ଖାତା ନଂ. | ପ୍ଲଟ୍ ନଂ. | ପ୍ଲଟର ମୋଟ ରକବା | ଅଧିସୂଚିତ ଜମିର ରକବା | ରୟତର ନାମ |
|---|---|---|---|---|
| (୧) | (୨) | (୩) | (୪) | (୫) |
| | | ଏକର | ଏକର | |
| ୪୧ | ୪୩୦/୨୬୪୫ | ୦.୩୬ | ୦.୨୬ | କପିଳ ରାଉତ, ପି. ପୂର ରାଉତ, ଜା. ଖଣ୍ଡାୟତ, ବା. ନିଜଗାଁ । |
| ୧୬୧ | ୪୬୨ | ୧.୦୩ | ୦.୨୦ | ନବୀନ ମୁଣ୍ଡା, ପି. ଜଗା ମୁଣ୍ଡା, ଜା. କୋହ୍ଲ, ବା. ନିଜଗାଁ । |
| ୨୨୨ | ୪୬୭ | ୦.୩୧ | ୦.୩୧ | ବାଟୁ ବାରିକ, ପି. ହରି ବାରିକ, ଜା. ସଅର, ବା. ନିଜଗାଁ । |
| ୩୧୫ | ୨୮୨/୨୬୧୯ | ୧.୪୮ | ୧.୪୮ | ରଞ୍ଜନ କୁମାର ମହାପାତ୍ର, ପି. ଧନେଶ୍ୱର ମହାପାତ୍ର, ଜା. କ୍ଷତ୍ରୀୟ, ବା. ନିଜଗାଁ । |
| ୩୯୮/ ୨୫୪ | ୪୩୦/୨୬୪୫/ ୩୯୫୦ | ୦.୬୦ | ୦.୨୦ | କମଳ କୁମାର ଘଡେଇ, ପି. କରୁଣାକର ଘଡେଇ ଓଗେର, ଜା. ଖଣ୍ଡାୟତ, ବା. ନିଜଗାଁ । |
| ୩୯୮/ ୩୪୪ | ୪୩୦/୨୬୪୫/ ୩୦୦୦ | ୦.୨୦ | ୦.୦୨ | ଗତିକୃଷ୍ଣ ଦତ୍ତ, ପି. ମିଛ ଦତ୍ତ, ଜା. ଖଣ୍ଡାୟତ, ବା. ନିଜଗାଁ । |
| | | ମୋଟ .. | ୨.୪୭ | |

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ

**ନିଖିଲ ପଓ୍ୱନ କଲ୍ୟାଣ**

ଜିଲ୍ଲାପାଳ, ଢେଙ୍କାନାଳ

Printed and published by the Director, Directorate of Printing, Stationery and Publication, Odisha, Cuttack-10
Ex. Gaz. 634—173+15